# ଆଜି ଅନୁଗୋଳ ଜିଲ୍ଲାରୁ ୦୬ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୨୬୧ ରେ ପହଞ୍ଚିଲା - ସୁସ୍ଥ ହେଲେ ୦୯ ଜଣ ।

ଅନୁଗୋଳ ୩୧.୧ :- ଆଜି ଅନୁଗୋଳ ଜିଲ୍ଲାରେ ୦୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୩୪ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ୪ ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ ଅଂଚଳରୁ ୧ଜଣ ( ୧ ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ ଅଂଚଳରୁ ୧ଜଣ (୧ ଜଣ ପୁରୁଷ) ଅଛନ୍ତି । ଆଜି ତାଳଚେର ବ୍ଲକ, ଛେଣ୍ଡିପଦା ବ୍ଲକ, ବଅଁରପାଳ ବ୍ଲକ, ଅନୁଗୋଳ ବ୍ଲକ, ତାଳଚେର ପୌରାଞ୍ଚଳ, କିଶୋରନଗର ବ୍ଲକ,ପାଲଲହଡା ବ୍ଲକ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ପ୍ରଭୃତି ୮ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି ।ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୦୯ ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୬ ତା.୩୧.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ